# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**5 December – 2025**

# ବିଧାନସଭା

ରାଜ୍ୟ ସରକାର ୫ବର୍ଷ ମଧ୍ୟରେ ଦେଢ଼ ଲକ୍ଷ ସରକାରୀ ପଦବୀ ପୂରଣ ପାଇଁ ଲକ୍ଷ୍ୟ ରଖିଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ବିଧାନସଭାରେ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ତଥା ଗୃହ ବିଭାଗର ଅତିରିକ୍ତ ଖର୍ଚ୍ଚ ଦାବି ଆଲୋଚନା ସମୟରେ ଶ୍ରୀ ମାଝୀ କହିଛନ୍ତି, ସରକାର ଦୁର୍ନୀତି ବିରୁଦ୍ଧରେ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରୁଛନ୍ତି । ଲୋକଙ୍କ ଅଭିଯୋଗର ସମାଧାନ ପାଇଁ ଗତ ଦେଢବର୍ଷ ମଧ୍ୟରେ ଅଭିଯୋଗ ଶୁଣାଣି ପୋର୍ଟାଲ ମାଧ୍ୟମରେ ୩ଲକ୍ଷ ୭୯ହଜାର ୧୬୦ଟି ଅଭିଯୋଗ ଗ୍ରହଣ କରାଯାଇଛି । ସେଥିମଧ୍ୟରୁ ୨ଲକ୍ଷ ୮୪ହଜାର ୧୯୯ଟି ଅଭିଯୋଗ ସମାଧାନ ହୋଇଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ଶ୍ରୀ ମାଝୀ କହିଛନ୍ତି, ରାଜ୍ୟରେ ମହିଳାଙ୍କ ବିରୁଦ୍ଧରେ ଅପରାଧ ହ୍ରାସ ପାଇଛି । ମାଲକାନଗିରି, ଦେବଗଡ ଓ ସୁବର୍ଣ୍ଣପୁର ଜିଲ୍ଲାରେ ସ୍ପେସିଆଲ ଫାଷ୍ଟ ଟ୍ରାକ ପୋକ୍‌ସୋ କୋର୍ଟ ପ୍ରତିଷ୍ଠା ପାଇଁ ରାଜ୍ୟ ସରକାର ଉଚ୍ଚ ନ୍ୟାୟଳୟଙ୍କୁ ପ୍ରସ୍ତାବ ଦେଇଛନ୍ତି । ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ଗୃହ ଏବଂ ସାଧାରଣ ପ୍ରଶାସନ ବିଭାଗର ଅତିରିକ୍ତ ବ୍ୟୟବରାଦ ପ୍ରସ୍ତାବକୁ ଗୃହରେ ମଞ୍ଜୁରୀ ମିଳିଛି ।

# ପୁରୀ ଗ୍ଲୋବାଲ ସମିଟ

ପୁରୀଠାରେ ଆଜିଠାରୁ ତିନିଦିନିଆ ବୈଶ୍ୱିକ ଶକ୍ତି ନେତୃତ୍ୱ ସମ୍ମିଳନୀ-୨୦୨୫ ଆରମ୍ଭ ହେଉଛି। ସ୍ୱଚ୍ଛ ଇନ୍ଧନ କ୍ଷେତ୍ରରେ ଭାରତର କାର୍ଯ୍ୟପନ୍ଥା ଓ ଅଗ୍ରଣୀ ଭୂମିକା ବିଷୟରେ ଏଥିରେ ଆଲୋଚନା କରାଯିବ । ୭ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେବାକୁ ଥିବା ଏହି ସମ୍ମିଳନୀରେ କେନ୍ଦ୍ର ନୂତନ ଓ ନବୀକରଣ ଯୋଗ୍ୟ ମନ୍ତ୍ରୀ ପ୍ରହ୍ଲାଦ ଯୋଶୀ ଏବଂ ମନ୍ତ୍ରଣାଳୟର ରାଷ୍ଟ୍ରମନ୍ତ୍ରୀ ଶ୍ରୀପଦ ନାୟକ, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ହିମାଚଳ ପ୍ରଦେଶ ମୁଖ୍ୟମନ୍ତ୍ରୀ ସୁଖବିନ୍ଦର ସିଂହ ସୁଖୁ ଏବଂ ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁଦେଓ ସାଏଙ୍କ ସମେତ ବିଭିନ୍ନ ରାଜ୍ୟର ମନ୍ତ୍ରିମଣ୍ଡଳର ସଦସ୍ୟ ଅଂଶଗ୍ରହଣ କରିବେ।

# ବିପର୍ଯ୍ୟୟ ପରିଚାଳନା ବୈଠକ

ବିପର୍ଯ୍ୟୟ ପରିଚାଳନା ରାଜ୍ୟ କାର୍ଯ୍ୟନିର୍ବାହୀ କମିଟିର ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ପ୍ରଥମ ବୈଠକ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱର ଲୋକସେବା ଭବନଠାରେ ଅନୁଷ୍ଠିତ ହୋଇଯାଇଛି । ରାଜ୍ୟ ବିପର୍ଯ୍ୟୟ ପ୍ରତିକ୍ରିୟା ପାଣ୍ଠି ଏବଂ ରାଜ୍ୟ ବିପର୍ଯ୍ୟୟ ହ୍ରାସ ପାଣ୍ଠିକୁ ନେଇ ଗଠିତ ବିପର୍ଯ୍ୟୟ ପରିଚାଳନା ପାଣ୍ଠି ଅଧୀନରେ ରହିଥିବା ଅର୍ଥ ଓ ଖର୍ଚ୍ଚ ଅନୁମୋଦନ ସମ୍ପର୍କରେ ବୈଠକରେ ଆଲୋଚନା ହୋଇଥିଲା ।

## ପୁସ୍ତକ ମେଳା

ଭୁବନେଶରସ୍ଥିତ ୟୁନିଟ-୩ ପ୍ରଦର୍ଶନୀ ପଡିଆରେ ଆସନ୍ତାକାଲିଠାରୁ ସପ୍ତମ ଓଡିଶା ରାଜ୍ୟ ପୁସ୍ତକ ମହୋତ୍ସବ ଆରମ୍ଭ ହେବ । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପୁସ୍ତକ ମେଳାକୁ ଉଦ୍‌ଘାଟନ କରିବାର କାର୍ଯ୍ୟସୂଚୀ ରହିଛି । ଚଳିତବର୍ଷ ପୁସ୍ତକ ମେଳାରେ ଓଡିଶାର ମହିଳା ସ୍ୱାଧୀନତା ସଂଗ୍ରାମୀ ଏବଂ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ଜୀବନୀ ଉପରେ ଥିମ ପ୍ୟାଭିଲିୟନ ନିର୍ମାଣ ସହ ସ୍ୱାଧୀନତା ସଂଗ୍ରାମୀ ଏବଂ ସାରସ୍ୱତ ସାଧକମାନଙ୍କର ସର୍ଜନାକୁ ପ୍ରାଧାନ୍ୟ ଦିଆଯିବ ବୋଲି ସଂସ୍କୃତିମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି । ଆସନ୍ତା ୧୭ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ମହୋତ୍ସବରେ ୫୫୦ଟି ଷ୍ଟଲ୍ ନିର୍ମାଣ ସହ ୨୫୦ରୁ ଅଧିକ ପ୍ରକାଶକ ଯୋଗଦେବେ ।

## କୃଷି ଯୋଜନା ପ୍ରସ୍ତୁତି ବୈଠକ

ଗଞ୍ଜାମ ଜିଲ୍ଲା ଛତ୍ରପୁର ସ୍ଥିତ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଆଗାମୀ ରବି ଋତୁ ପାଇଁ  କୃଷି ଯୋଜନା ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଭି. କୀର୍ତ୍ତି ଭାସନ ଏଥିରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନା ଏବଂ ଓଡିଶା ସମନ୍ୱିତ ଜଳସେଚନ ପ୍ରକଳ୍ପ ପାଇଁ ଜଳବାୟୁ ପ୍ରତିରୋଧକ କୃଷି ଉପରେ ଆଲୋଚନା କରିଥିଲେ ।

# ଯୁବ ଉତ୍ସବ

ସୁବର୍ଣ୍ଣପୁର ଜିଲ୍ଲା ସଂସ୍କୃତି ଭବନଠାରେ ବିକଶିତ ଭାରତ ଯୁବ ନେତୃତ୍ୱ ସଂଳାପ-୨୦୨୬ ଯୁବ ଉତ୍ସବ ପାଳିତ ହୋଇଯାଇଛି । ଜିଲ୍ଲାପାଳ ଡକ୍ଟର ନୃପରାଜ ସାହୁ ଏଥିରେ ଯୋଗଦେଇ ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଯୁବକଯୁବତୀମାନଙ୍କୁ ପୁରସ୍କୃତ କରିଥିଲେ ।

ମାଲକାନଗିରି ମହିଳା ଉଚ୍ଚ ବିଦ୍ୟାଳୟଠାରେ ଜିଲ୍ଲାସ୍ତରୀୟ ଯୁବ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଯୁବ ପ୍ରତିଭାମାନଙ୍କୁ ପୁରସ୍କୃତ କରାଯାଇଥିଲା ।

# ବରିଷ୍ଠ ନାଗରିକ ତୀର୍ଥଯାତ୍ରା

ବରିଷ୍ଠ ନାଗରିକ ତୀର୍ଥଯାତ୍ରା ଯୋଜନାରେ ବରଗଡ ଜିଲ୍ଲାର ୧୨୭ଜଣ ବରିଷ୍ଠ ନାଗରିକ ସମ୍ବଲପୁରଠାରୁ ରାମେଶ୍ୱରମ୍ ଏବଂ ମଦୁରାଇ ଅଭିମୁଖେ ଯାତ୍ରା କରିଛନ୍ତି । ସ୍ଥାନୀୟ ଟାଉନ ହଲ୍‌ଠାରେ ପର୍ଯ୍ୟଟନ ଉନ୍ନୟନ ଅଧିକାରୀଙ୍କ ସମେତ ଅତିରିକ୍ତ ଜିଲ୍ଲାପାଳ ଯୋଗଦେଇ ଯାତ୍ରାର ଶୁଭାରମ୍ଭ କରିଥିଲେ ।

## ଟି-ଟ୍ୱେଣ୍ଟି ମ୍ୟାଚ୍

ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଆସନ୍ତା ୯ ତାରିଖ ମଙ୍ଗଳବାର ଦିନ କଟକ ବରାବାଟୀ ଷ୍ଟାଡିୟମ୍‌ଠାରେ ଟି-ଟ୍ୱେଣ୍ଟି ମ୍ୟାଚ୍ ଖେଳାଯିବ। ଏହି ମ୍ୟାଚ୍ ପାଇଁ ଆଜି ସକାଳ ୧୦ଟାରୁ  କାଉଣ୍ଟରରେ ଟିକେଟ୍ ବିକ୍ରି ହେବ । ଏହାକୁ ଦୃଷ୍ଟିରେ ରଖି କମିଶନରେଟ ପୋଲିସ ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ଭାରତ ଓ ଦକ୍ଷିଣ ଆଫ୍ରିକା ଦଳ ଆସନ୍ତା ରବିବାର ଭୁବନେଶ୍ୱରରେ ପହଞ୍ଚିବେ । ଆସନ୍ତା ସୋମବାର ଉଭୟ ଦଳ ବାରବାଟୀ ଷ୍ଟାଡିୟମରେ ଅଭ୍ୟାସ କରିବେ ।

## ମୃତ୍ତିକା ଦିବସ

ପ୍ରକୃତି ଓ ପୃଥିବୀ ପ୍ରତି ମୃତ୍ତିକାର ଗୁରୁତ୍ୱ ଏବଂ ମୃତ୍ତିକାର ସୁରକ୍ଷା ପ୍ରତି ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ଆଜି ବିଶ୍ୱ ମୃତ୍ତିକା ଦିବସ ପାଳନ କରାଯାଉଛି । ଚଳିତବର୍ଷ ଏହି ଦିବସର ବାର୍ତ୍ତା ରହିଛି,'ସୁସ୍ଥ ସହର ପାଇଁ, ସୁସ୍ଥ ମୃତ୍ତିକା ।' ୨୦୧୫ ମସିହାରୁ ପ୍ରତିବର୍ଷ ଏହି ଦିବସ ପାଳନ କରାଯାଉଛି ।

# ଶୀତଲହରି

ରାଜ୍ୟରେ ଶୀତର ଲହରୀ ଜାରି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଗତକାଲି ୧୬ଟି ସ୍ଥାନର ତାପମାତ୍ରା ୧୫ଡିଗ୍ରୀ ସେଲସିୟସ ତଳେ ରହିଥିଲା । ଦାରିଙ୍ଗବାଡିଠାରେ ସର୍ବନିମ୍ନ ତାପମାତ୍ରା ୯ ଡିଗ୍ରୀ ସେଲସିୟସ ରେକର୍ଡ କରାଯାଇଥିଲା । ଆଜି ଘନକୁହୁଡି ହେବା ନେଇ ସୁନ୍ଦରଗଡ, କଳାହାଣ୍ଡି, କୋରାପୁଟ, କନ୍ଧମାଳ, ଝାରସୁଗୁଡା, ବଲାଙ୍ଗୀର ଏବଂ ସୁବର୍ଣ୍ଣପୁର ଜିଲ୍ଲା ପାଇଁ ସତର୍କ ସୂଚନା ଜାରିକରାଯାଇଛି ।